# ଆଜି ଅନୁଗୋଳ ଜିଲ୍ଲାରୁ ୨୪ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୮୭୨ରେ ପହଞ୍ଚିଲା - ସୁସ୍ଥ ହେଲେ ୨୮ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୨୪ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୧୨ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଢରପାଳ ବ୍ଲକ୍ ଅଂଚଳରୁ ୭ଜଣ ( ୬ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ଜଣ ( ୨ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧ଜଣ ( ୧ ଜଣ ପୁରୁଷ) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଳଚେର ପୌରାଞ୍ଚଳ, ପାଲଲହଡା ବ୍ଲକ , କିଶୋରନଗର ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୨୮ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୮୫୦ତା.୩୧.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ